ପ୍ରେସ୍ ନୋଟ୍

# ଆଜି ଅନୁଗୋଳ ଜିଲ୍ଲାରୁ ୧୫ ଜଣ କରୋନା ପଜିଟିଭ ଚିହ୍ନଟ ।

## ପଜିଟିଭ ସଂଖ୍ୟା ୪୩୭୫୫ରେ ପହଞ୍ଚିଲା - ସୁସ୍ଥ ହେଲେ ୬୪ ଜଣ ।

ଅନୁଗୋଳ, ତା.୧୭.୦୮:- ଆଜି ଅନୁଗୋଳ ଜିଲ୍ଲାରେ ୧୫ଜଣ ନୂଆ କରୋନା ପଜିଟିଭ ଚିହ୍ନଟ ହୋଇଥିବାର ଜଣାପଡିଛି । ଜିଲ୍ଲା ମଧ୍ୟରୁ ଚିହ୍ନଟ ହୋଇଥିବା ଆକ୍ରାନ୍ତମାନଂକ ମଧ୍ୟରେ ବଅଁରପାଳ ବ୍ଲକ୍ ଅଂଚଳରୁ ୩ଜଣ ( ୨ଜଣ ପୁରୁଷ ଓ ୧ଜଣ ମହିଳା), ଅନୁଗୋଳ ପୌରାଞ୍ଚଳରୁ ୩ଜଣ ( ୩ଜଣ ପୁରୁଷ ), କଣିହାଁ ବ୍ଲକ୍ ଅଂଚଳରୁ ୩ଜଣ ( ୨ଜଣ ପୁରୁଷ ଓ ୧ଜଣ ମହିଳା), ଅନୁଗୋଳ ବ୍ଲକ୍ ଅଂଚଳରୁ ୨ଜଣ (୧ ଜଣ ପୁରୁଷ ଓ ୧ଜଣ ମହିଳା), ତାଳଚେର ବ୍ଲକ୍ ଅଂଚଳରୁ ୨ଜଣ ( ୧ଜଣ ପୁରୁଷ ଓ ୧ଜଣ ମହିଳା),ଛେଣ୍ଡିପଦା ବ୍ଲକ୍ ଅଂଚଳରୁ ୧ଜଣ (୧ ଜଣ ପୁରୁଷ ) କିଶୋରନଗର ବ୍ଲକ୍ ଅଂଚଳରୁ ୧ଜଣ (୧ ଜଣ ପୁରୁଷ )ଅଛନ୍ତି । ଚିହ୍ନଟ ହୋଇଥିବା ଲକ୍ଷଣଯୁକ୍ତ ଆକ୍ରାନ୍ତମାନଂକ ମଧ୍ୟରୁ ଜିଲ୍ଲା ମୁଖ୍ୟ ଚିକିତ୍ସାଳୟର କରୋନା ୱାର୍ଡ, ସ୍ୱଳ୍ପ ଲକ୍ଷଣଯୁକ୍ତ ଓ ଲକ୍ଷଣ ବିହିନ ଆକ୍ରାନ୍ତମାନଂକୁ ନିଜ ଘରେ Isolation ରେ ରଖାଯାଇ ନିରିକ୍ଷଣ କରାଯାଉଛି ବୋଲି ଜିଲ୍ଲାପାଳ ଶ୍ରୀ ସିଦ୍ଧାର୍ଥ ଶଙ୍କର ସ୍ୱାଇଁ ପ୍ରକାଶ କରିଛନ୍ତି । ଆଜି ଅନୁଗୋଳ ଜିଲ୍ଲାରୁ ୬୪ଜଣ ସୁସ୍ଥ ହୋଇଛନ୍ତି । ବର୍ତ୍ତମାନ ସୁଦ୍ଧା ଜିଲ୍ଲାରେ ୩୦୪ଜଣ ମୃତ୍ୟୁବରଣ କଲେଣି । ଆଜି ସୁଦ୍ଧା ୪ ଲକ୍ଷ ୭୦ହଜାର ୪୫୭ଜଣଙ୍କୁ ଟିକା ଦିଆଗଲାଣି ।